ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୭୭ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୯୧୪୬ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୨୩ ଜଣ ।

ଅନୁଗୋଳ, ତା,୦୩.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୭୭ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୪୮ ରେ ପହଂଚିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଣଁରପାଳ ବ୍ଲକ୍ ଅଂଚଳରୁ ୧୯ଜଣ ( ୧୧ଜଣ ପୁରୁଷ ଓ ୮ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୧ଜଣ ( ୯ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୯ଜଣ ( ୫ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୮ ଜଣ (୫ ଜଣ ପୁରୁଷ ଓ ୩ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୮ଜଣ (୬ ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୬ଜଣ ( ୧ଜଣ ପୁରୁଷ ଓ୫ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୬ଜଣ ( ୩ଜଣ ପୁରୁଷ ଓ ୩ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୫ଜଣ ( ୫ଜଣ ପୁରୁଷ ), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩ଜଣ (୩ ଜଣ ପୁରୁଷ ), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୨୩ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୩ଜଣ କୋଭିଡ ହସପିଟାଲରୁ , ୪ ଜଣ କୋଭିଡ କେୟାର ସେଣ୍ଟରରୁ ଓ ୧୦୬ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୭୧୫ ତା.୦୩.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ